# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

### 7 January - 2025

### News Editor : *Tapan Kumar Maharana*

***********************************

## ମୁଖ୍ୟ ସମ୍ବାଦ

- ତିନିଦିନିଆ ଅଷ୍ଟାଦଶ ପ୍ରବାସୀ ଭାରତୀୟ ସମ୍ମିଳନୀ ଆସନ୍ତାକାଲିଠାରୁ ଭୁବନେଶ୍ୱରରେ ହେବ ଆରମ୍ଭ

– ଓଡ଼ିଶାର ସମୃଦ୍ଧ କଳା, ସଂସ୍କୃତି ଓ ଐତିହ୍ୟକୁ ବିଶ୍ୱ ଦରବାରରେ ପହଁଞ୍ଚାଇବା ପାଇଁ ସମ୍ମିଳନୀ ଏକ ପ୍ରକୃଷ୍ଟ ଅବସର; କହିଲେ ମୁଖ୍ୟମନ୍ତ୍ରୀ

- ୭୦ ଆସନ ବିଶିଷ୍ଟ ଦିଲ୍ଲୀ ବିଧାନସଭା ନିର୍ବାଚନ ଆସନ୍ତା ଫେବୃଆରୀ ମାସ ୫ ତାରିଖରେ ହେବ

- ଆଇଟିବିପି ଯବାନମାନଙ୍କର ଦେଶର ସୁରକ୍ଷା ଓ ପ୍ରତିବଦ୍ଧତାକୁ ପ୍ରଶଂସା କଲେ କେନ୍ଦ୍ର ଗୃହ ରାଷ୍ଟ୍ରମନ୍ତ୍ରୀ ନିତ୍ୟାନନ୍ଦ ରାୟ

ଏବଂ

- ରାଉରକେଲା ବିର୍ସା ମୁଣ୍ଡା ଆନ୍ତର୍ଜାତିକ ହକି ଷ୍ଟାଡିୟମରେ ଆଉ କିଛି ସମୟ ପରେ ବେଦାନ୍ତ କଳିଙ୍ଗ ଲାନସର୍ସ ଓ ବେଙ୍ଗଲ ଟାଇଗର୍ସ ମଧ୍ୟରେ ଖେଳାଯିବ ମ୍ୟାଚ

# ପ୍ରବାସୀ ଭାରତୀୟ ଦିବସ

ଅଷ୍ଟାଦଶ ପ୍ରବାସୀ ଭାରତୀୟ ସମ୍ମିଳନୀ ଆସନ୍ତାକାଲିଠାରୁ ଭୁବନେଶ୍ୱରରେ ଆରମ୍ଭ ହେବ। ପ୍ରଥମଥର ପାଇଁ ଓଡ଼ିଶାରେ ଏହି ସମ୍ମିଳନୀ ପାଳନ ପାଇଁ ସରକାରୀ ସ୍ତରରେ ବ୍ୟାପକ ଆୟୋଜନ କରାଯାଇଛି । ଓଡ଼ିଶାର ସମୃଦ୍ଧ କଳା, ସଂସ୍କୃତି ଓ ଐତିହ୍ୟକୁ ବିଶ୍ୱ ଦରବାରରେ ପହଁଞ୍ଚାଇବା ପାଇଁ ପ୍ରବାସୀ ଭାରତୀୟ ସମ୍ମିଳନୀ ଏକ ପ୍ରକୃଷ୍ଟ ଅବସର ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି। ଏକ ସୁନ୍ଦର ସୌହାର୍ଦ୍ଦ୍ୟପୂର୍ଣ୍ଣ ଅଭିଜ୍ଞତା ପ୍ରଦାନ ପାଇଁ ପ୍ରବାସୀ ଭାରତୀୟଙ୍କୁ ଯଥୋଚିତ ସମ୍ମାନ ଓ ସ୍ୱାଗତ କରିବା ପାଇଁ ମୁଖ୍ୟମନ୍ତ୍ରୀ ଅନୁରୋଧ କରିଛନ୍ତି।

**- V/O -**

ପ୍ରବାସୀ ଭାରତୀୟ ଦିବସ ସମ୍ମିଳନୀକୁ ଅଧିକ ଆକର୍ଷଣୀୟ କରିବା ପାଇଁ ଆଜି ଓଡ଼ିଶା ରାଜ୍ୟ ସଂଗ୍ରହାଳୟରେ ୯ଟି ନୂତନ ଗ୍ୟାଲେରୀ ଏବଂ ତାଳପତ୍ର ଚିତ୍ରରେ ପୂର୍ଣ୍ଣାଙ୍ଗ ରାମାୟଣ ପ୍ରଦର୍ଶନୀକୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଉଦଘାଟନ କରିଛନ୍ତି। ରାଜ୍ୟର ଐତିହ୍ୟ ସଂସ୍କୃତିକୁ ବିଦେଶରୁ ଆସିଥିବା ପ୍ରବାସୀ ଭାରତୀୟମାନେ ଯେପରି ଜାଣିପାରିବେ ସେଥିପାଇଁ ଏହି ପ୍ରୟାସ କରାଯାଇଛି।

ପ୍ରବାସୀ ଭାରତୀୟ ସମ୍ମିଳନୀକୁ ଦୃଷ୍ଟିରେ ରଖି ଭୁବନେଶ୍ୱର ଲୋକସେବା ଭବନ ସମ୍ମିଳନୀ କକ୍ଷରେ ସରକାରଙ୍କ ପକ୍ଷରୁ ଏକ ସାମ୍ବାଦିକ

ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି। କେନ୍ଦ୍ର ବୈଦେଶିକ ବ୍ୟାପାର ମନ୍ତ୍ରଣାଳୟ ସଚିବ ଅରୁଣ କୁମାର ଚାଟାର୍ଜୀ ଓ ରାଜ୍ୟ ମୁଖ୍ୟ ଶାସନ ସଚିବ ମନୋଜ କୁମାର ଆହୁଜାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ବୈଠକରେ ଓଡ଼ିଶାରେ ପୁଞ୍ଜିବିନିଯୋଗ ସମ୍ଭାବନା ନେଇ ପ୍ରବାସୀମାନଙ୍କ ସହିତ ଆଲୋଚନା ହେବ ବୋଲି କହିଛନ୍ତି।

ମହିଳାମାନଙ୍କ ପାଇଁ ପ୍ରବାସୀ ଭାରତୀୟ ସମ୍ମିଳନୀରେ ଆଲୋଚନା ପାଇଁ ସ୍ୱତନ୍ତ୍ର ବୈଠକ ବ୍ୟବସ୍ଥା କରାଯାଇଛି। କେନ୍ଦ୍ର ସଂସ୍କୃତି ମନ୍ତ୍ରୀ ଗଜେନ୍ଦ୍ର ସିଂ ଶେଖାୱତ ଏକ ନିର୍ଦ୍ଦିଷ୍ଟ ବୈଠକରେ ଯୋଗଦେଇ ପ୍ରବାସୀ ଭାରତୀୟମାନଙ୍କ ସହ ଆଲୋଚନା କରିବେ। ଏଚ୍‌ଏମ୍‌ପିଭି ଭାଇରସ୍ ସଂକ୍ରମଣକୁ ଦୃଷ୍ଟିରେ ରଖି କେନ୍ଦ୍ର ସରକାର ଜାରି କରିଥିବା ସତର୍କତା ମୂଳକ ନିର୍ଦ୍ଦେଶଗୁଡ଼ିକୁ ଅନୁପାଳନ କରିବା ସହ ସମସ୍ତଙ୍କର ସୁରକ୍ଷା ଏବଂ ନିରାପଦକୁ ଦୃଷ୍ଟିରେ ରଖି ବ୍ୟବସ୍ଥା କରାଯାଉଛି ବୋଲି ଶ୍ରୀ ଚାଟାର୍ଜୀ କହିଛନ୍ତି। ପ୍ରବାସୀ ଭାରତୀୟ ସମ୍ମିଳନୀର ଦ୍ୱିତୀୟ ଦିନରେ ଗୁରୁବାର ଦିନ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥିଭାବେ ଯୋଗଦେବେ ଏବଂ ଥିମ୍ ପାଭିଲିୟନକୁ ପ୍ରଧାନମନ୍ତ୍ରୀ ଉଦଘାଟନ କରିବେ। ଏଥିସହ ଦେଶର ବିଭିନ୍ନ ପର୍ଯ୍ୟଟନସ୍ଥଳ ବୁଲାଇବା ପାଇଁ ତିନିଦିନ ଧରି ଚାଲିବାକୁ ଥିବା ପ୍ରବାସୀ ଭାରତୀୟ ଏକ୍ସପ୍ରେସ୍‌ର ଶୁଭାରମ୍ଭ କରିବେ। ଅପରାହ୍ନରେ ରେଳମନ୍ତ୍ରୀ ଅଶ୍ୱିନୀ ବୈଷ୍ଣବ ପ୍ରବାସୀ ଭାରତୀୟମାନଙ୍କ ସହ ବିକଶିତ ଭାରତ-୨୦୪୭ ସମ୍ବନ୍ଧରେ ଆଲୋଚନା

କରିବାର କାର୍ଯ୍ୟକ୍ରମ ରହିଛି। ସମ୍ମିଳନୀର ଉଦ୍‌ଯାପନୀ ଉତ୍ସବରେ ଶୁକ୍ରବାର ଦିନ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ମୁଖ୍ୟ ଅତିଥିଭାବେ ଯୋଗଦେବେ।

ଆସନ୍ତା ଶୁକ୍ରବାର ପର୍ଯ୍ୟନ୍ତ ଚାଲିବାକୁ ଥିବା ଏହି କାର୍ଯ୍ୟକ୍ରମରେ ଯୋଗଦେବା ପାଇଁ ବିଭିନ୍ନ ଦେଶରୁ ଅତିଥିମାନେ ଓଡ଼ିଶାରେ ପହଞ୍ଚୁଛନ୍ତି । କାର୍ଯ୍ୟକ୍ରମରେ ୭୦ଟି ରାଷ୍ଟ୍ରରୁ ୪ ହଜାରରୁ ଅଧିକ ପ୍ରବାସୀ ଭାରତୀୟ ଯୋଗଦେବେ ବୋଲି ସୂଚନା ମିଳିଛି।

***BBSR/R***

## ମୁଖ୍ୟମନ୍ତ୍ରୀ– ଡବଲଡେକର ବସ୍

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଭୁବନେଶ୍ୱର ଗାଡ଼କଣରେ ୫ଟି ଡବଲଡେକର ବସ୍ ଓ ୧୦ଟି ହପ୍ ଅନ୍ ହପ୍ ଅଫ୍ ବସ୍‌ର ଶୁଭାରମ୍ଭ କରିଛନ୍ତି। ଡବଲ ଡେକର ବସ୍‌ରେ ପ୍ରବସୀ ଭାରତୀୟ ଯାତାୟାତ କରିବେ। ଏଥିସହ ୨୫ଟି ଶ୍ରୀମନ୍ଦିର ପ୍ରଶାସନ ବସ୍‌ର ଶୁଭାରମ୍ଭ କରିଛନ୍ତି।

***Desk***

## ଦିଲ୍ଲୀ ନିର୍ବାଚନ

୭୦ ଆସନ ବିଶିଷ୍ଟ ଦିଲ୍ଲୀ ବିଧାନସଭା ନିର୍ବାଚନ ପାଇଁ ମୁଖ୍ୟ ନିର୍ବାଚନ ଆୟୁକ୍ତ ରାଜୀବ କୁମାର ଆଜି ତାରିଖ ଘୋଷଣା କରିଛନ୍ତି। ଆସନ୍ତା ଫେବୃଆରୀ ମାସ ୫ ତାରିଖରେ ସମସ୍ତ ଆସନ ପାଇଁ ଗୋଟିଏ ପର୍ଯ୍ୟାୟରେ ଭୋଟ୍ ନିଆଯିବ। ଫେବୃଆରୀ ମାସ ୮ ତାରିଖରେ

ଭୋଟ୍‌ଗଣତି ହେବ ବୋଲି ମୁଖ୍ୟ ନିର୍ବାଚନ ଆୟୋଗ କହିଛନ୍ତି। ନିର୍ବାଚନ ପାଇଁ ଆସନ୍ତା ଶୁକ୍ରବାର ୧୦ ତାରିଖ ଦିନ ବିଜ୍ଞପ୍ତି ପ୍ରକାଶ ପାଇବ। ୧୭ ତାରିଖରେ ପ୍ରାର୍ଥୀପତ୍ର ଦାଖଲର ଶେଷ ଦିନ ଧାର୍ଯ୍ୟ କରଯାଇଥିବା ବେଳେ ୧୮ ତାରିଖରେ ପ୍ରାର୍ଥୀପତ୍ର ଯାଞ୍ଚ ଏବଂ ୨୦ ତାରିଖରେ ପ୍ରାର୍ଥୀପତ୍ର ପ୍ରତ୍ୟାହାରର ଶେଷ ଦିନ ରଖାଯାଇଛି। ନିର୍ବାଚନ କମିଶନଙ୍କ ସୂଚନା ଅନୁସାରେ, ଦିଲ୍ଲୀରେ ମୋଟ୍ ୧ କୋଟି ୫୫ ଲକ୍ଷ ୨୪ ହଜାର ୮୫୮ ମତଦାତା ୧୩ ହଜାରରୁ ଅଧିକ ଭୋଟଗ୍ରହଣ କେନ୍ଦ୍ରରେ ମତଦାନ ସାବ୍ୟସ୍ତ କରିବେ।

***Desk***

## ମୁଖ୍ୟମନ୍ତ୍ରୀ– ଶ୍ରୀଜଗନ୍ନାଥ ଚେତନା ମହୋତ୍ସବ

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ଅପରାହ୍ନରେ ପୁରୀସ୍ଥିତ ଶ୍ରୀଜଗନ୍ନାଥ ଚେତନା ଗବେଷଣା ପକ୍ଷରୁ ଆୟୋଜିତ ତିନିଦିନିଆ ଆନ୍ତର୍ଜାତିକ ଶ୍ରୀଜଗନ୍ନାଥ ଚେତନା ମହୋତ୍ସବର ଉଦ୍‌ଘାଟନୀ ସମାରୋହରେ ମୁଖ୍ୟ ଅତିଥିଭାବେ ଯୋଗ ଦେଇଥିଲେ। ଜଗନ୍ନାଥ ସଂସ୍କୃତିକୁ ବଞ୍ଚାଇ ରଖିବା ଆମ ସମସ୍ତଙ୍କର ଦାୟିତ୍ୱ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି। ଜଗନ୍ନାଥ ସଂସ୍କୃତିର ପ୍ରଚାର ଓ ପ୍ରସାର ପାଇଁ ସମସ୍ତେ କାର୍ଯ୍ୟ କରିବା ପାଇଁ ଆହ୍ୱାନ ଦେବା ସହିତ ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ କହିଛନ୍ତି ରାଜ୍ୟ ସରକାର ଶ୍ରୀଜଗନ୍ନାଥ ମନ୍ଦିର ପାଇଁ ୫୦୦ କୋଟି ଟଙ୍କାର କର୍ପସ ପାଣ୍ଠିର ବ୍ୟବସ୍ଥା କରିଛନ୍ତି। ଶ୍ରୀଜଗନ୍ନାଥ ସଂସ୍କୃତି ଓ ପରମ୍ପରାକୁ ପ୍ରଚାର ପ୍ରସାର କରିବା ପାଇଁ ସରକାର ପ୍ରତିଶ୍ରୁତିବଦ୍ଧ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି।

*Khurda*

## ଆଇଟିବିପି ପ୍ରତିଷ୍ଠା ଦିବସ

ଖୋର୍ଦ୍ଧା ତରତୁଆଁ ସ୍ଥିତ ୪୧ ବାଟାଲିୟନ କ୍ୟାମ୍ପସରେ ଇଣ୍ଡୋ-ତିବତିଆନ ସୀମା ପୁଲିସ ସୁରକ୍ଷା ବଳ– ଆଇଟିବିପି'ର ୬୩ତମ ପ୍ରତିଷ୍ଠା ଦିବସରେ  କେନ୍ଦ୍ରର ଗୃହ ରାଷ୍ଟ୍ର ମନ୍ତ୍ରୀ ନିତ୍ୟାନନ୍ଦ ରାୟ ମୁଖ୍ୟ ଅତିଥିଭାବେ ଯୋଗ ଦେଇ ଆଇଟିବିପିର ସହିଦମାନଙ୍କୁ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଛନ୍ତି। ଆଇଟିବିପି କର୍ମୀଙ୍କୁ ୬୨ ବର୍ଷର ଉତ୍ସର୍ଗୀକୃତ ସେବା ଏବଂ ଆହ୍ୱାନପୂର୍ଣ୍ଣ ପରିସ୍ଥିତିରେ ଦେଶର ସୀମାସୁରକ୍ଷାରେ ସେମାନଙ୍କ ଉତ୍ସାହ, ପ୍ରତିବଦ୍ଧତା ଓ ସଚେତନତାକୁ  କେନ୍ଦ୍ର ମନ୍ତ୍ରୀ ଶ୍ରୀ ରାୟ ପ୍ରଶଂସା କରିଛନ୍ତି। ଆଜିର ଏହି କାର୍ଯ୍ୟକ୍ରମରେ ଆଇଟିବିପି ସୁରକ୍ଷାବଳ ଚିତ୍ତାକର୍ଷକ ପରେଡ୍ ପ୍ରଦର୍ଶନ ସହିତ ଷ୍ଟିଙ୍ଗ ଅପରେସନ୍ ପ୍ରଦର୍ଶନ କରିଥିଲେ।

*Puri*

## ଧାନମଣ୍ଡି ଉଦ୍‌ଘାଟିତ–ପୁରୀ

ପୁରୀ ଜିଲ୍ଲାରେ ଆଜିଠାରୁ ଚଳିତ ବର୍ଷର ଖରିଫ ଧାନସଂଗ୍ରହ ପ୍ରକ୍ରିୟା ଆରମ୍ଭ ହୋଇଛି। ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ଆଜି ନିମାପଡ଼ା ନିୟନ୍ତ୍ରିତ ବଜାର କମିଟି ଠାରେ ଆୟୋଜିତ ଏକ ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ ଧାନମଣ୍ଡିର ଉଦ୍‌ଘାଟନ କରିଛନ୍ତି। ସୂଚନାଯୋଗ୍ୟ, ଚଳିତ ବର୍ଷ ପୁରୀ ଜିଲ୍ଲାରେ ୧୮୭ଟି ମଣ୍ଡି ଜରିଆରେ ୧୧ ଲକ୍ଷ ୬୮ ହଜାର ୬୦୩ କୁଇଣ୍ଟାଲ ଧାନସଂଗ୍ରହ ପାଇଁ ଲକ୍ଷ୍ୟ ରଖାଯାଇଛି।

*HS*

## କ୍ଷତିଗ୍ରସ୍ତ ଚାଷୀଙ୍କୁ ଟଙ୍କା ବଣ୍ଟନ

ଅଦିନିଆ ବର୍ଷା ଜନିତ ଫସଲ କ୍ଷୟକ୍ଷତିର ଆର୍ଥିକ ସହାୟତା ଚାଷୀମାନେ ଖୁବ୍‌ଶୀଘ୍ର ପାଇବେ ବୋଲି ରାଜସ୍ୱ ମନ୍ତ୍ରୀ ସୁରେଶ ପୂଜାରୀ କହିଛନ୍ତି। ୧୪ଟି କ୍ଷତିଗ୍ରସ୍ତ ଜିଲ୍ଲାର ଜିଲ୍ଲାପାଳମାନେ ୨୯୨ କୋଟି ଟଙ୍କା କ୍ଷତି ହୋଇଥିବା ରିପୋର୍ଟରେ ଦର୍ଶାଇଛନ୍ତି। ଜିଲ୍ଲାମାନଙ୍କୁ ଏହି ଅର୍ଥରାଶି ଅନଲାଇନ୍ ମାଧ୍ୟମରେ ସରକାରଙ୍କ ପକ୍ଷରୁ ଦିଆଯାଇଛି। କେତେକ ସ୍ଥାନରେ କ୍ଷତିଗ୍ରସ୍ତ ଚାଷୀଙ୍କୁ ଆର୍ଥିକ ସହାୟତା ଆବଣ୍ଟନ କରାଗଲାଣି। ଚାଷୀଙ୍କୁ ଜଳସେଚିତ ଜମି ପାଇଁ ହେକ୍ଟର ପିଛା ୧୫ ହଜାର ଓ ଅଣ ଜଳସେଚିତ ଜମି ପାଇଁ ୭ ହଜାର ୫୦୦ ଟଙ୍କା ପ୍ରଦାନ କରାଯାଉଛି ବୋଲି ରାଜସ୍ୱ ମନ୍ତ୍ରୀ କହିଛନ୍ତି।

*Nayagarh*

## ଧାନମଣ୍ଡି ଉଦ୍‌ଘାଟନ

ନୟାଗଡ଼ ଜିଲ୍ଲାର ଧାନମଣ୍ଡିକୁ ବାଚସ୍ପତି ସୁରମା ପାଢ଼ୀ ଆଜି ଉଦ୍‌ଘାଟନ କରିଛନ୍ତି। ଜିଲ୍ଲାର ୧୬୭ଟି ମଣ୍ଡି ମାଧ୍ୟମରେ ପ୍ରଥମ ପର୍ଯ୍ୟାୟରେ ୧୨ ଲକ୍ଷ ୯୦ ହଜାରରୁ ଊର୍ଦ୍ଧ୍ୱ କୁଇଣ୍ଟାଲ ଧାନ ସଂଗ୍ରହ କରାଯିବା ପାଇଁ ଲକ୍ଷ୍ୟ ରଖାଯାଇଛି। ଜିଲ୍ଲାରୁ ମୋଟ୍ ୫୩ ହଜାର ୮୦୦ ଜଣ ଚାଷୀ ଧାନ ବିକ୍ରି ପାଇଁ ପଞ୍ଜୀକରଣ କରିଛନ୍ତି।

*Koraput*

## ଆକାଂକ୍ଷା ଜିଲ୍ଲା କାର୍ଯ୍ୟକ୍ରମ

କେନ୍ଦ୍ର ଶିକ୍ଷା ରାଷ୍ଟ୍ରମନ୍ତ୍ରୀ ସୁକାନ୍ତ ମଜୁମଦାର କୋରାପୁଟ ଜିଲ୍ଲାରେ କେନ୍ଦ୍ରୀୟ ଦକ୍ଷତା ଓ ଆକାଂକ୍ଷା ଜିଲ୍ଲା କାର୍ଯ୍ୟକ୍ରମର ସମୀକ୍ଷା କରିଛନ୍ତି। ସରକାରୀ କର୍ମଚାରୀମାନେ ନିଷ୍ଠା ଓ ଆନ୍ତରିକତାର ସହ ଲୋକଙ୍କ ପାଇଁ କାର୍ଯ୍ୟ କରିବାକୁ ମନ୍ତ୍ରୀ ଶ୍ରୀ ମଜୁମଦାର ପରାମର୍ଶ ଦେଇଛନ୍ତି। ସେମିଳିଗୁଡ଼ା ବ୍ଲକ ଅନ୍ତର୍ଗତ ରାଜପୁଟ ମିଲେଟ୍ ପ୍ରକ୍ରିୟାକରଣ ୟୁନିଟ୍‌କୁ ପରିଦର୍ଶନ କରିବା ସହିତ ମହିଳା ଗୋଷ୍ଠୀ କର୍ମକର୍ତ୍ତାମାନଙ୍କ ସହ ଆଲୋଚନା କରିଛନ୍ତି। ଜିଲ୍ଲାରେ ପ୍ରଧାନମନ୍ତ୍ରୀ ଗ୍ରାମୀଣ ସଡ଼କ ଯୋଜନା ଫଳପ୍ରଦ ହୋଇଥିବାରୁ ମନ୍ତ୍ରୀ ଶ୍ରୀ ମଜୁମଦାର ଖୁସିବ୍ୟକ୍ତ କରିଛନ୍ତି।

*Ganjam*

## ଆତ୍ମସୁରକ୍ଷା ତାଲିମ ଶିବିର

ଗଞ୍ଜାମ ଜିଲ୍ଲା ବୁଗୁଡ଼ାସ୍ଥିତ ପିପୁଲ୍ସ ମହାବିଦ୍ୟାଳୟଠାରେ ଛାତ୍ରୀମାନଙ୍କର ଏକ ୮ ଦିନିଆ ଆତ୍ମସୁରକ୍ଷା ତାଲିମ ଶିବିର ଉଦ୍‌ଘାଟିତ ହୋଇଯାଇଛି। ମହାବିଦ୍ୟାଳୟର ଅଧ୍ୟକ୍ଷ ହରିକୃଷ୍ଣ ନାୟକ କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରି ଛାତ୍ରୀମାନଙ୍କୁ ଆତ୍ମସୁରକ୍ଷା ପାଇଁ ବିଭିନ୍ନ କୌଶଳ ବିଷୟରେ ତାଲିମ ଗ୍ରହଣ କରିବା ପାଇଁ ପରାମର୍ଶ ଦେଇଛନ୍ତି।

*Boudh*

## ପାନୀୟ ଜଳ ଯୋଗାଣ

ବୌଦ୍ଧ ଜିଲ୍ଲାରେ ଆସନ୍ତା ମାର୍ଚ୍ଚ ମାସ ଶେଷ ସୁଦ୍ଧା ୩୮୫ ଗ୍ରାମକୁ ପାନୀୟ ଜଳ ଯୋଗାଇ ଦିଆଯିବ ବୋଲି ଗ୍ରାମ୍ୟ ଉନ୍ନୟନ ଓ ପାନୀୟଜଳ

ବିଭାଗ ମନ୍ତ୍ରୀ ରବି ନାରାୟଣ ନାୟକ କହିଛନ୍ତି। ଜିଲ୍ଲାସ୍ତରୀୟ ବୈଠକରେ ଯୋଗଦେଇ ବିଭିନ୍ନ ଉନ୍ନୟନ କାର୍ଯ୍ୟର ସମୀକ୍ଷା କରି ମନ୍ତ୍ରୀ ଶ୍ରୀ ନାୟକ କହିଛନ୍ତି, ଆସନ୍ତା ବର୍ଷ ଫେବୃଆରୀ ମାସ ଶେଷ ସୁଦ୍ଧା ସମସ୍ତ ଗ୍ରାମକୁ ପାନୀୟ ଜଳ ଯୋଗାଇ ଦିଆଯିବ। ଏଥିସହିତ ଜିଲ୍ଲାରେ ଶିକ୍ଷା ବ୍ୟବସ୍ଥାକୁ ସୁଦୃଢ଼ କରିବା ପାଇଁ ସରକାରୀ ମହାବିଦ୍ୟାଳୟ ନିର୍ମାଣ ପାଇଁ ଯୋଜନା କରାଯାଉଛି।

***Desk***

# ହକି ଇଣ୍ଡିଆ ଲିଗ୍

ରାଉରକେଲାର ବିର୍ସାମୁଣ୍ଡା ଆନ୍ତର୍ଜାତୀୟ ହକି ଷ୍ଟାଡିୟମରେ ଆଜି ବେଦାନ୍ତ କଳିଙ୍ଗ ଲାନସର୍ସ ଓ ବେଙ୍ଗଲ ଟାଇଗର୍ସ ମଧ୍ୟରେ ରାତି ୮ଟା ୧୫ ମିନିଟ୍‌ରେ ମ୍ୟାଚ୍ ଖେଳାଯିବ।

ହକି ଇଣ୍ଡିଆ ଲିଗ୍ ପ୍ରତିଯୋଗିତାରେ ଗତକାଲିର ମ୍ୟାଚ୍‌ରେ ସୁରମା ହକି କ୍ଲବ ବିଜୟୀ ହୋଇଛି । ସୁର୍‌ମା ହକି କ୍ଲବ' ଦିଲ୍ଲୀ ଏସ୍‌ଜି ପାଇପର୍ସକୁ ୩-୧ ଗୋଲ୍‌ରେ ପରାସ୍ତ କରିଛି ।

*********************************